# ଟହସିଲଦାରଙ୍କ କାର୍ଯ୍ୟାଳୟ, ମ.ରାମପୁର

ପତ୍ର ସଂଖ୍ୟା- ୬୪ ତାରିଖ- 16.1.25

RMC ସଂଖ୍ୟା- ୮/୨୦୨୪

## ଇସ୍ତାହାର

ଏତଦ୍ଵାରା ଉର୍ଲାଦାନୀ ଗ୍ରା.ପ. ଅଧିନସ୍ଥ ଉର୍ଲାଦାନୀ ଗ୍ରାମର ସର୍ବସାଧାରଣଙ୍କ ଗୋଚରାର୍ଥେ ଜଣାଇ ଦିଆଯାଉଅଛି ଯେ, ନିମ୍ନ ତଫସିଲଭୁକ୍ତ ସରକାରୀ ଜମିଟି ଅନୁସୂଚିତ ଜନଜାତି ଏବଂ ଅନୁସୂଚିତ ଜାତି କଲ୍ୟାଣ ବିଭାଗ, ଓଡିଶା ସରକାରଙ୍କ ନାମରେ ବନ୍ଦୋବସ୍ତ କରାଯିବା ନିମନ୍ତେ ପ୍ରସ୍ତାବ ଆଗତ କରାଯାଇଅଛି। ଏଥି ସମ୍ବନ୍ଧୀୟ ମାମଲା ଏହି କାର୍ଯ୍ୟାଳୟରେ ଅନୁଷ୍ଠିତ କରାଯାଇ ତତ ସମ୍ବନ୍ଧୀୟ ବିହିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି । ଉକ୍ତ ଜମି ଆବାଦ ଯୋଗ୍ୟ ଅନାବାଦୀ ଖାତାଭୁକ୍ତ ଏବଂ ନିମ୍ନରେ ଦିଆଯାଇଥିବା ଆଟ ଜମିକୁ ପତିତ କିସମ ରେ ପରିବର୍ତନ କରିବା ପାଇଁ ସ୍ଥିର କରାଯାଇଅଛି। । ଏହି ଜାଗା ଉପରେ ଅନୁସୂଚିତ ଜନଜାତି ଏବଂ ଅନୁସୂଚିତ ଜାତି କଲ୍ୟାଣ ଉଚ୍ଚ ବିଦ୍ୟାଳୟ, ଉର୍ଲାଦାନୀ ସ୍ଥାପିତ ହୋଇ କାର୍ଯ୍ୟକାରୀ ହୋଇ ଆସୁଅଛି । ଅତଏବ ଏହି ମାମଲା ଉପରେ ଯଦି କାହାର କୌଣସି ଆପତ୍ତି/ ଅଭିଯୋଗ ଥାଏ ତାହେଲେ ଏହି ଇସ୍ତାହାର ଜାରି ହେବା ତାରିଖ ଠାରୁ ପରବର୍ତ୍ତୀ ୧୫ (ପନ୍ଦର) ଦିନ ମଧ୍ୟରେ ନିମ୍ନ ସ୍ଵାକ୍ଷରକାରୀ ଅଧିକାରୀଙ୍କ କାର୍ଯ୍ୟାଳୟରେ ଲିଖିତ ଆକାରରେ ଆବଶ୍ୟକୀୟ କୋର୍ଟ ଫିଜ୍ ଷ୍ଟାମ୍ପ ଲଗାଇ ଏହାର ଶୁଣାଣି ନିମନ୍ତେ ଆପତ୍ତି/ ଅଭିଯୋଗ ଦାଖଲ କରିପାରିବେ । ଧାର୍ଯ୍ୟ ସମୟ ଗତେ କୌଣସି ଆପତ୍ତି/ ଅଭିଯୋଗ ଗ୍ରହଣ କରାଯିବ ନାହିଁ ।

### ମାମଲା ଜମିର ବିବରଣୀ

| ମୌଜା | ଖାତାନଂ | ପ୍ଲଟ ନଂ | କିସମ | ମୋଟ ଏରିଆ | ପ୍ରସ୍ତାବିତ ଏରିଆ |
|---|---|---|---|---|---|
| ଉର୍ଲାଦାନୀ | ୧୦୭ (ଆବାଦ ଯୋଗ୍ୟ ଅନାବାଦୀ) | ୯୭୮ | ଆଟ | ଏ ୧.୮୧ ଡି | ଏ ୧.୮୧ ଡି |
| | | ୯୭୯ | ଆଟ | ଏ ୦.୨୦ଡି | ଏ ୦.୨୦ଡି |
| | | ୯୮୦ | ଆଟ | ଏ ୦.୨୨ଡି | ଏ ୦.୨୨ଡି |

(signature) 16/01/25

ତହସିଲଦାର,
ମ.ରାମପୁର

ସ୍ମାରକ ସଂଖ୍ୟା ୬୧ ତାରିଖ - 16.1.25

ଏହି ଇସ୍ତାହାରର ଏକକିତା ନକଲ ଏହି କାର୍ଯ୍ୟାଳୟ ର ନୋଟିସ ଫଳକରେ ସର୍ବସାଧାରଣଙ୍କ ଅବଗତି ନିମନ୍ତେ ପ୍ରକାଶିତ କରାଗଲା ।

ଏହାର ଏକକିତା ନକଲ ରାଜସ୍ଵ ନିରୀକ୍ଷକ, ଉର୍ଲାଦାନୀ ମଣ୍ଡଳ/ ସରପଞ୍ଚ, ଉର୍ଲାଦାନୀ ଗ୍ରା.ପଙ୍କୁ ପ୍ରେରଣ କରି ଅନୁରୋଧ କରାଗଲା କି ଜନସାଧାରଣଙ୍କ ଅବଗତି ନିମନ୍ତେ ସେମାନଙ୍କ କାର୍ଯ୍ୟାଳୟର ନୋଟିସ ଫଳକରେ ପ୍ରକାଶିତ କରିବେ।ଏହା ଛଡା ଉର୍ଲାଦାନୀ ଗ୍ରାମର ପ୍ରମୁଖ ସ୍ଥାନରେ ଜନସାଧାରଣଙ୍କ ଅବଗତି ନିମନ୍ତେ ଲଟକାଜାରି କରାଗଲା ।

ଏହାର ଏକକିତା ନକଲ DeGM, କଳାହାଣ୍ଡିଙ୍କୁ ସର୍ବସାଧାରଣଙ୍କ ଅବଗତି ନିମନ୍ତେ କଳାହାଣ୍ଡି ଜିଲ୍ଲା ୱେବସାଇଟ(kalahandi.odisha.gov.in) ରେ ଅପଲୋଡ କରିବା ନିମନ୍ତେ ପ୍ରେରଣ କରାଗଲା ।

(signature) 16/01/25

ତହସିଲଦାର,
ମରାମପୁର